# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

## District level joint hearing of public Grievance.

### ୩ ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଓ ୧୮ ଜଣଙ୍କୁ ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୯୬ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ ।

ଅନୁଗୋଳ,ତା.୨.୧୨:- ପୂର୍ବ ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୧୮୩ ଟି ଅଭିଯୋଗରୁ ୧୪୬ ଟି ବ୍ୟକ୍ତିଗତ ଓ ୧୭ଟି ଗ୍ରାମ୍ୟ ଭିତିକ ସମସ୍ୟା ସମ୍ପର୍କୀତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ୧୮ ଜଣଙ୍କୁ ୭୬ ହଜାର ଟଙ୍କା ଓ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୩ ଜଣଙ୍କୁ ୨୦ ହଜାର ଟଙ୍କା ଆର୍ଥୀକ ସହାୟତା ଚିକିତ୍ସା ନିମନ୍ତେ ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତା,ଇନ୍ଦିରାଆବାସ,ବିଜୁ ପକ୍କାଘର,ପାନୀୟ ଜଳ ଯୋଗାଣ,ବିଦ୍ୟୁତ୍ ସମସ୍ୟା, ରାସ୍ତା ନିର୍ମାଣ,ଶିକ୍ଷା,ସ୍ୱାସ୍ଥ୍ୟ,ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଜିଲ୍ଲାପାଳଂକ ନିକଟରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପତିରାୟ,ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି,ଡେପୁଟୀ କଲେକ୍ଟର ଶ୍ରୀ ଜାନକିନାଥ ମିଶ୍ର,ଅନୁଗୋଳ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ମାୟାଧର ବେହେରା, ଆସିଷ୍ଟାଂଟ କଲେକ୍ଟର ସୋଫି ସାଇନିକା ଓ ଇସାନି ପଣ୍ଡାଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।



